ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

କୋଭିଡ୍-୧୯ ପି.ଆର୍. ନଂ-୪୫
ଅପରାହ୍ଣ-୪.୩୦ ଘଟିକା

# ପ୍ରେସ୍ ବିବୃତି

ଭୁବନେଶ୍ୱର : ୨୭ ଅପ୍ରେଲ,୨୦୨୦

କରୋନା ଭୂତାଣୁ ରୋଗ (କୋଭିଡ୍-୧୯)ର ସଂକ୍ରମଣକୁ ପ୍ରତିହତ କରିବା ନିମନ୍ତେ ଓଡ଼ିଶା ସରକାର ଗ୍ରହଣ କରିଥିବା ବିଭିନ୍ନ ପଦକ୍ଷେପ ଉପରେ ରାଜ୍ୟ ସରକାରଙ୍କ ମୁଖ୍ୟ ମୁଖପାତ୍ର ଶ୍ରୀ ସୁବ୍ରତ ବାଗ୍‌ଚୀ ଏବଂ ସୂଚନା ଓ ଲୋକସଂପର୍କ ବିଭାଗର କମିଶନର ତଥା ଶାସନ ସଚିବ ଶ୍ରୀ ସଂଜୟ କୁମାର ସିଂ ଆଜି ଅପରାହ୍ଣରେ ଗଣମାଧ୍ୟମକୁ ସୂଚନା ଦେଇଛନ୍ତି ।

- ଆଜି ଏକ ଭିଡ଼ିଓ କନ୍‌ଫରେନ୍ସ ଜରିଆରେ ମାନ୍ୟବର ପ୍ରଧାନମନ୍ତ୍ରୀ ଶ୍ରୀ ନରେନ୍ଦ୍ର ମୋଦିଙ୍କ ସହିତ ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ଆଲୋଚନା କରି ଛାତ୍ର, ଶ୍ରମଜୀବୀ, ତୀର୍ଥଯାତ୍ରୀ, ରୋଗୀ ଓ ବୃତ୍ତିଜୀବୀମାନଙ୍କ ସମେତ ଅଟକି ରହିଥିବା ସମସ୍ତ ଲୋକଙ୍କର ସହଜ ଯାତାୟତ ପାଇଁ ଏକ ଜାତୀୟ ସ୍ତରୀୟ ନୀତି ନିର୍ଦ୍ଧାରଣ କରିବା ପାଇଁ ପ୍ରସ୍ତାବ ଦେଇଛନ୍ତି । ବିଭିନ୍ନ ରାଜ୍ୟରେ ଅଟକି ରହିଥିବା ଶ୍ରମଜୀବୀମାନଙ୍କର ଉପଯୁକ୍ତ ଯତ୍ନ ନେବା ପାଇଁ ସଂପୃକ୍ତ ରାଜ୍ୟଗୁଡ଼ିକୁ ନିର୍ଦ୍ଦେଶ ଦେବା ନିମନ୍ତେ ମଧ୍ୟ ସେ ପ୍ରସ୍ତାବ ଦେଇଛନ୍ତି । ଅନୁରୂପ ଭାବରେ କୋଭିଡ୍-୧୯ ପରୀକ୍ଷଣ ସୁବିଧା ବୃଦ୍ଧି କରିବା ଉପରେ ମଧ୍ୟ ମାନ୍ୟବର ମୁଖ୍ୟମନ୍ତ୍ରୀ ଗୁରୁତ୍ୱ ଦେଇଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ କହିଛନ୍ତି 'ଆମକୁ ପରାହତ କରିବା ନିମନ୍ତେ ଅନେକ ପ୍ରାକୃତିକ ବିପର୍ଯ୍ୟୟ ଆସିଛି । କିନ୍ତୁ ଓଡ଼ିଆ ଜାତି କେବେ ବି ଭାଙ୍ଗି ପଡ଼ିନି କି ଆମେ କେବେ ବି ପରାଜିତ ହେବା ନାହିଁ । ଆମ ଧୈର୍ଯ୍ୟ, ଆମ ତ୍ୟାଗ ବଳରେ ଆସିବ ଏକ ନୂଆ ସକାଳ ଏବଂ ଓଡ଼ିଶା ପୁଣି ଥରେ ହସି ଉଠିବ ।'

- କାର୍ଯ୍ୟରତ ସାମ୍ବାଦିକମାନେ ଯଦି କରୋନାରେ ଆକ୍ରାନ୍ତ ହୋଇ ମୃତ୍ୟୁବରଣ କରନ୍ତି ତେବେ ସେ କ୍ଷେତ୍ରରେ ସେମାନଙ୍କ ପରିବାରକୁ ୧୫ ଲକ୍ଷ ଟଙ୍କାର ଅନୁକମ୍ପାମୂଳକ ସହାୟତା ପ୍ରଦାନ କରାଯିବ ବୋଲି ଆଜି ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ଘୋଷଣା କରିଛନ୍ତି । କରୋନା ଯୋଗୁଁ ସାରା ବିଶ୍ୱରେ ଏକ ବିରାଟ ସ୍ୱାସ୍ଥ୍ୟ ସମସ୍ୟା ଦେଖାଦେଇଛି । କରୋନା ଭୂତାଣୁ ସଂପର୍କରେ ଜନସଚେତନତା ସୃଷ୍ଟି କରିବା ସହ ଏଭଳି କଠିନ ପରିସ୍ଥିତିରେ ମଧ୍ୟ ସାମ୍ବାଦିକମାନେ ନିଷ୍ଠାର ସହିତ ସେମାନଙ୍କ ଦାୟିତ୍ୱ ନିର୍ବାହ କରିଚାଲିଛନ୍ତି ବୋଲି ମାନ୍ୟବର ମୁଖ୍ୟମନ୍ତ୍ରୀ ପ୍ରକାଶ କରିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ କହିଛନ୍ତି ଯେ ଲକ୍ ଡାଉନ୍ ନିୟମ ମାନି ବ୍ୟାପକ ସାମାଜିକ ସଚେତନତା ଓ ସ୍ୱଚ୍ଛତା ଅଭ୍ୟାସ ଦ୍ୱାରା ଆଗକୁ ବଢ଼ିଲେ ହିଁ କରୋନା ସଂକ୍ରମଣକୁ ପ୍ରତିରୋଧ

କରାଯାଇ ପାରିବ । ଜଣେ ଦାୟିତ୍ୱବାନ ସ୍ୱେଚ୍ଛାସେବୀ ଭାବେ ଓଡ଼ିଶା ସରକାରଙ୍କ ପ୍ରୟାସରେ ସାମିଲ ହୋଇ କୋଭିଡ୍ ସଂଗ୍ରାମୀ ଭାବେ ନିଜ ବହୁମୂଲ୍ୟ ଯୋଗଦାନ ଦେବା ନିମନ୍ତେ ପଞ୍ଜୀକୃତ ହେବା ପାଇଁ ମାନ୍ୟବର ମୁଖ୍ୟମନ୍ତ୍ରୀ ଓଡ଼ିଶାର ଜନସାଧାରଣଙ୍କୁ ଆହ୍ୱାନ ଜଣାଇଛନ୍ତି ।

- କୋଭିଡ୍-୧୯ ଚିକିତ୍ସା ସେବାକୁ ରାଜ୍ୟର ସବୁ ଜିଲ୍ଲାକୁ ସଂପ୍ରସାରିତ କରିବା ଉଦ୍ଦେଶ୍ୟରେ ନୂଆପଡ଼ା ଜିଲ୍ଲାରେ ୨୦୦ ଶଯ୍ୟା ବିଶିଷ୍ଟ ସ୍ୱତନ୍ତ୍ର କୋଭିଡ୍ ହସ୍ପିଟାଲ୍ କାର୍ଯ୍ୟକ୍ଷମ ହୋଇଛି । ଏହାକୁ ମିଶାଇ ରାଜ୍ୟରେ ସ୍ୱତନ୍ତ୍ର କୋଭିଡ୍ ହସ୍ପିଟାଲ୍ ସଂଖ୍ୟା ୩୪ ହେବା ସହ ସମୁଦାୟ ଶଯ୍ୟା ସଂଖ୍ୟା ୫୬୭୬କୁ ବୃଦ୍ଧିପାଇଛି ।

- ପଞ୍ଚାୟତିରାଜ ଓ ପାନୀୟ ଜଳ ବିଭାଗ ପକ୍ଷରୁ ପ୍ରବାସୀ ଓଡ଼ିଆମାନଙ୍କୁ କ୍ୱାରେଣ୍ଟାଇନ୍‌ରେ ରଖିବା ନିମନ୍ତେ ବ୍ୟାପକ ବ୍ୟବସ୍ଥା ଗ୍ରହଣ କରାଯାଇଛି । ଏ ପର୍ଯ୍ୟନ୍ତ ୨ ଲକ୍ଷ ୨୭ ହଜାର ଶଯ୍ୟା ସମ୍ବଳିତ ୭୧୦୨ଟି ଅସ୍ଥାୟୀ ସ୍ୱାସ୍ଥ୍ୟକେନ୍ଦ୍ର ପ୍ରସ୍ତୁତ କରାଯାଇଛି ।

- ଓଡ଼ିଶା ସରକାର ପ୍ରବାସୀ ଓଡ଼ିଆମାନଙ୍କ ପଂଜୀକରଣ ନିମନ୍ତେ https://covid19.odisha.gov.in ପୋର୍ଟାଲ ଆରମ୍ଭ କରିଛନ୍ତି । ଏଥି ପାଇଁ ୬୭୯୮ ଜଣ ଗ୍ରାମପଞ୍ଚାୟତ ନୋଡାଲ ଅଧିକାରୀ ଏବଂ ସମସ୍ତ ବିଡ଼ିଓଙ୍କୁ ପଂଜୀକରଣ ପ୍ରକ୍ରିୟା ବାବଦରେ ତାଲିମ ପ୍ରଦାନ କରାଯାଇଛି । ବର୍ତ୍ତମାନ ସୁଦ୍ଧା ୪ ଲକ୍ଷ ୮୬ ହଜାର ଲୋକ ଏହି ପୋର୍ଟାଲ୍‌ରେ ପଂଜୀକରଣ କରିସାରିଛନ୍ତି ।

- ସ୍ୱୟଂ ସହାୟକ ଗୋଷ୍ଠୀମାନଙ୍କୁ ନିୟୋଜିତ କରି ଓର୍‌ମାସ୍ ଜରିଆରେ ମାସ୍କ ପ୍ରସ୍ତୁତି ଓ ବିତରଣ କରାଯାଉଛି । ରାଜ୍ୟ ଗ୍ରାମ୍ୟ ଉନ୍ନୟନ ପ୍ରତିଷ୍ଠାନ(ଏସ୍ଆଇଆର୍‌ଡି), ଭୁବନେଶ୍ୱରଠାରେ ଗୋଟିଏ ବିକ୍ରୟ କେନ୍ଦ୍ର ଖୋଲାଯାଇଛି । ଗୋଟିଏ ଭ୍ରାମ୍ୟମାଣ ଯାନ ସହିତ ୨୦ଟି ମେଡିକାଲ୍ ଷ୍ଟୋରରେ ଏହିସବୁ ମାସ୍କ ବିକ୍ରୟ ପାଇଁ ଉପଲବ୍ଧ ହେଉଛି । ଗତ ୧୯ ଅପ୍ରେଲ୍‌ଠାରୁ ଏ ପର୍ଯ୍ୟନ୍ତ ୧୨,୧୦୦ଟି ମାସ୍କ ବିକ୍ରି ହୋଇସାରିଛି । ସୂଚନାଯୋଗ୍ୟ ଯେ ଏ ପର୍ଯ୍ୟନ୍ତ ୨୦୮ଟି ସ୍ୱୟଂ ସହାୟକ ଗୋଷ୍ଠୀ/ ଉତ୍ପାଦକ ଗୋଷ୍ଠୀ ଏ ପର୍ଯ୍ୟନ୍ତ ୧୯ ଲକ୍ଷ ୫୨ ହଜାର ମାସ୍କ ପ୍ରସ୍ତୁତ କରି ଲୋକଙ୍କୁ ଯୋଗାଇ ଦେଇଛନ୍ତି ।

- ବର୍ତ୍ତମାନ କଠିନ ପରିସ୍ଥିତିରେ ଲୋକମାନଙ୍କୁ କର୍ମନିୟୋଜନ ଯୋଗାଇ ଦେଇ ସେମାନଙ୍କ ଜୀବିକାକୁ ସୁରକ୍ଷିତ କରିବା ଉଦ୍ଦେଶ୍ୟରେ ପଞ୍ଚାୟତିରାଜ ଓ ପାନୀୟ ଜଳ ବିଭାଗ ପକ୍ଷରୁ ମନରେଗା ଯୋଜନାକୁ ତ୍ୱରାନ୍ୱିତ କରାଯାଇଛି । ଆଜି ସୁଦ୍ଧା ଦୈନିକ ୪ ଲକ୍ଷ ଶ୍ରମଦିବସ ସୃଷ୍ଟି କରାଯାଇଛି ।

- ଆଜି ରାଜ୍ୟର ୫୫୩୬ ଗ୍ରାମ ପଞ୍ଚାୟତରେ ୩,୫୩,୩୦୬ ଜଣ ନିରାଶ୍ରୟ ଓ ଅସହାୟ ଲୋକଙ୍କୁ ରନ୍ଧାଖାଦ୍ୟ ଯୋଗାଇ ଦିଆଯାଇଛି । ସେହିପରି ୧୧୪ ଟି ପୌରାଞ୍ଚଳରେ ୪୨,୧୮୬ ଜଣଙ୍କୁ ରନ୍ଧାଖାଦ୍ୟ ଦିଆଯାଇଛି ।

- ରାଜ୍ୟରେ କୋଭିଡ୍-୧୯ ନିୟମ ଏବଂ ମାର୍ଗଦର୍ଶିକା ଉଲ୍ଲଂଘନ କରିଥିବା ଅଭିଯୋଗରେ ଅପ୍ରେଲ ୨୬ରୁ ଅପ୍ରେଲ ୨୭ ତାରିଖ ସକାଳ ପର୍ଯ୍ୟନ୍ତ ୨୪ ଘଣ୍ଟା ମଧ୍ୟରେ ୫୫ଟି ମାମଲା ଦାୟର କରାଯାଇଛି । ସେଥିରୁ ୫୧ଟି ମାମଲା ଲକ୍ ଡାଉନ୍ ସଂପର୍କିତ ହୋଇଥିବାବେଳେ ୪ଟି ଅନ୍ୟାନ୍ୟ କାରଣ ପାଇଁ ଅଟେ । ବିଭିନ୍ନ ଅଭିଯୋଗରେ ୫୫ ଜଣଙ୍କୁ ଗିରଫ କରାଯାଇଛି ।

**'ଘରେ ରୁହନ୍ତୁ, ସୁରକ୍ଷିତ ରୁହନ୍ତୁ'**

**ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା**

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୨୫୧୦୩ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୧୧୧ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୩୭ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ଜଣେ କୋଭିଡ୍-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୭୩ ରହିଛି ।
- ୧୬୪ ଜଣ ହସ୍‌ପିଟାଲ୍ ଆଇସୋଲେସନ୍‌ରେ ଅଛନ୍ତି ।

ସୁଚେତା ପ୍ରିୟଦର୍ଶିନୀ
ସୂଚନା ଅଧିକାରୀ

**'ଘରେ ରୁହନ୍ତୁ, ସୁରକ୍ଷିତ ରୁହନ୍ତୁ'**